ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୨୪୭ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୩୬୯୬ ରେ ପହଞ୍ଚିଲା - ସୁସ୍ଥ ହେଲେ ୯୬ ଜଣ ।

ଅନୁଗୋଳ,ତା. ୨୫.୯:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୨୪୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ଆଜି ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୬୭ରେ ପହଂଚିଲା । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଂଚଳରୁ ସର୍ବାଧିକ ୬୬ ଜଣ ( ୫୩ଜଣ ପୁରୁଷ ଓ ୧୩ ଜଣ ମହିଳା), ତାଳଚେର ପୌରାଂଚଳରୁ ୩୬ ଜଣ (୨୩ ଜଣ ପୁରୁଷ ଓ ୧୩ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩୬ ଜଣ (୨୫ ଜଣ ପୁରୁଷ ଓ ୧୧ଜଣ ମହିଳା), ବଣ୍ଟରପାଲ ବ୍ଲକ୍ ଅଂଚଳରୁ ୩୪ ଜଣ (୨୭ ଜଣ ପୁରୁଷ ଓ ୭ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୦ ଜଣ (୧୧ ଜଣ ପୁରୁଷ ଓ ୯ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୫ ଜଣ ( ୮ଜଣ ପୁରୁଷ ଓ ୭ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୩ ଜଣ ( ୬ଜଣ ପୁରୁଷ ଓ ୭ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧୩ ଜଣ ( ୧୧ଜଣ ପୁରୁଷ ଓ ୨ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୭ ଜଣ ( ୩ଜଣ ପୁରୁଷ ଓ ୪ଜଣ ମହିଳା) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୭ ଜଣ ( ୩ଜଣ ପୁରୁଷ ଓ ୪ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୯୬ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୧ ଜଣ କୋଭିଡ ହସପିଟାଲରୁ ଓ ୮୫ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୪୮ ତା.୨୫.୦୯.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(signature) ୨୫/୦୯/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ